**ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ, ଓଡ଼ିଶା**

## ରାଜ୍ୟ ସରକାରଙ୍କ ଦୁଇ ବର୍ଷ ପୂର୍ତ୍ତି ସମାରୋହ

## ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନାର ଶୁଭାରମ୍ଭ

### ଜାତୀୟ ଖାଦ୍ୟ ସୁରକ୍ଷା ଓ ରାଜ୍ୟ ଖାଦ୍ୟ ସୁରକ୍ଷା ହିତାଧିକାରୀଙ୍କୁ ମିଳିବ ବିନାମୂଲ୍ୟରେ ଆଉ ୫ କିଲୋଗ୍ରାମ ଚାଉଳ

### ଉପକୃତ ହେବେ ୮୦ ପ୍ରତିଶତ ଜନସଂଖ୍ୟା

### ଗରିବଙ୍କ ମୁହଁରେ ଫୁଟାଇବ ହସ

### ଏହି ବ୍ୟୟ ଆମ ପାଇଁ ଖର୍ଚ୍ଚ ନୁହେଁ,

### ଏହା ଏକ ପବିତ୍ର ସାମାଜିକ ନିବେଶ- ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର ୧୨ ଜୁନ ୨୦୨୬

ଓଡ଼ିଶାର କୌଣସି ପରିବାର ଭୋକରେ ରହିବେ ନାହିଁ, କୌଣସି ଶିଶୁ ଅପପୁଷ୍ଟିର ଶିକାର ହେବେ ନାହିଁ, କୌଣସି ବୟୋଜ୍ୟଷ୍ଠ ଅନ୍ନ ଅଭାବରୁ କଷ୍ଟ ପାଇବେ ନାହିଁ, ଏହି ମହାନ୍ ଉଦ୍ଦେଶ୍ୟ ରଖି ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନା ଆରମ୍ଭ କରାଯାଇଛି ବୋଲି ଆଜି ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ ସରକାରଙ୍କ ଦୁଇ ବର୍ଷ ପୂର୍ତ୍ତି ସମାରୋହ ଅବସରରେ ଜନକଲ୍ୟାଣକାରୀ ଯୋଜନା ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନାର ଶୁଭାରମ୍ଭ ଅବସରରେ କହିଛନ୍ତି ।



ଭୁବନେଶ୍ୱର ୟୁନିଟ୍-୩, ଇଡ୍‌କୋ ପ୍ରଦର୍ଶନୀ ପଡ଼ିଆରେ ଆୟୋଜିତ ଏହି ସମାରୋହ ଉତ୍ସବରେ ମୁଖ୍ୟମନ୍ତ୍ରୀ ରାଜ୍ୟ ସରକାରଙ୍କ ପକ୍ଷରୁ ୨ ବର୍ଷ ମଧ୍ୟରେ ନିଆଯାଇଥିବା ବିଭିନ୍ନ ଜନକଲ୍ୟାଣକାରୀ ପଦକ୍ଷେପ ଓ ଯୋଜନା ସମ୍ପର୍କରେ ଆଲୋକପାତ କରି କହିଥିଲେ ଯେ, ଆମ ସରକାର ଯଶସ୍ୱୀ ପ୍ରଧାନମନ୍ତ୍ରୀଙ୍କ 'ସବ୍‌କା ସାଥ୍, ସବ୍‌କା ବିକାଶ୍, ସବ୍‌କା ବିଶ୍ୱାସ୍ ଓ ସବ୍‌କା ପ୍ରୟାସ୍'ର ମନ୍ତ୍ରକୁ ନେଇ ଆଗକୁ ବଢ଼ୁଛନ୍ତି । ମୋଦୀଜୀଙ୍କ ବିକଶିତ ଭାରତର ସ୍ୱପ୍ନ ଏବଂ ଓଡ଼ିଶାବାସୀଙ୍କ ଆଶୀର୍ବାଦକୁ ପାଥେୟ କରି ଆମେ ଏକ ସମୃଦ୍ଧ, ସଶକ୍ତ ଏବଂ ସ୍ୱାଭିମାନୀ ଓଡ଼ିଶା ଗଢ଼ିବାକୁ ପ୍ରତିବଦ୍ଧତାର ସହ ଉଦ୍ୟମ ଜାରି ରଖିଛୁ ।

ମୁଖ୍ୟମନ୍ତ୍ରୀ ଅନ୍ନପୂର୍ଣ୍ଣା ଯୋଜନାର ଶୁଭାରମ୍ଭ କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ଏହା କେବଳ ଏକ ଯୋଜନା ନୁହେଁ, ଏହା ଆମ ସରକାରଙ୍କ ଜନକଲ୍ୟାଣ ପ୍ରତି ଅଙ୍ଗୀକାରବଦ୍ଧତା, ଗରିବ ଜନସାଧାରଣଙ୍କ ପ୍ରତି ସମ୍ବେଦନଶୀଳତା ଓ ରାଜ୍ୟର ପ୍ରତ୍ୟେକ ପରିବାର'ର ଭାତ ଥାଳିକୁ ସୁରକ୍ଷିତ କରିବାର ଏକ ଐତିହାସିକ ସଂକଳ୍ପ । ସରକାରଙ୍କ ଦୁଇବର୍ଷ ପୂର୍ତ୍ତି ଅବସରରେ ଓଡ଼ିଶାର ସାଧାରଣ ଲୋକଙ୍କ ପାଇଁ ଏହା ହେଉଛି ଆମ ସରକାରଙ୍କ ଭେଟି ବୋଲି ସେ କହିଥିଲେ ।

ସୂଚନାଯୋଗ୍ୟ ଯେ, ଜାତୀୟ ଖାଦ୍ୟ ସୁରକ୍ଷା ଆଇନ ଏବଂ ରାଜ୍ୟ ଖାଦ୍ୟ ସୁରକ୍ଷା ଯୋଜନା ଅଧିନରେ ଥିବା ସମସ୍ତ ହିତାଧିକାରୀ ସେମାନଙ୍କ ନିୟମିତ ନିଶୁଳ୍କ ଚାଉଳ ସହିତ ପ୍ରତି ବ୍ୟକ୍ତିଙ୍କୁ ଅତିରିକ୍ତ ୫ କିଲୋଗ୍ରାମ ଚାଉଳ ଏହି ଯୋଜନାରେ

ନିଶୁଳ୍କ ଆକାରରେ ମିଳିବ । ସୂଚନାଯୋଗ୍ୟ ଯେ, ରାଜ୍ୟର ହିତାଧିକାରୀମାନେ ବର୍ତ୍ତମାନ ୫ କିଲୋଗ୍ରାମ ଚାଉଳ ବିନା ମୂଲ୍ୟରେ ପାଉଛନ୍ତି । ଏହି ଯୋଜନା କାର୍ଯ୍ୟକାରୀ ହେବା ପରେ ବର୍ତ୍ତମାନ ପ୍ରତ୍ୟେକ ହିତାଧିକାରୀ ୧୦ କିଲୋ ଲେଖାଏଁ ଚାଉଳ ବିନା ମୂଲ୍ୟରେ ପାଇବେ ।



ରାଜ୍ୟର ସମୁଦାୟ ୧ କୋଟି ୯୬ ହଜାର ପରିବାରର ୩ କୋଟି ୨୮ ଲକ୍ଷ ୫୨ ହଜାର ସଦସ୍ୟ ଅର୍ଥାତ୍ ସମୁଦାୟ ଜନସଂଖ୍ୟାର ୮୦ ପ୍ରତିଶତ ଉପକୃତ ହେବେ । ଏହି ଯୋଜନାରେ ରାଜ୍ୟ ସରକାର ବାର୍ଷିକ ୮,୮୧୩ କୋଟି ଟଙ୍କା ଖର୍ଚ୍ଚ କରିବେ । ଶୁଭାରମ୍ଭ ଅବସରରେ ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ଗରିବଙ୍କ ମୁହଁରେ ହସ ଫୁଟାଇବା ପାଇଁ ଏହି ବ୍ୟୟ ଆମ ପାଇଁ ଖର୍ଚ୍ଚ ନୁହେଁ, ଏହା ଏକ ପବିତ୍ର ସାମାଜିକ ନିବେଶ ।

ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ମାଥ୍‌ମାଟିକ୍ସ- ଏକାମ୍ର କାନନ

୬ ଲେନ୍ ବିଶିଷ୍ଟ ରାସ୍ତା ଉଦ୍‌ଘାଟନ,

ଜୟଦେବ ବିହାର-ନନ୍ଦନକାନନ ରାସ୍ତାର କାର୍ଯ୍ୟାରମ୍ଭ

ଦୁଇବର୍ଷ ପୂର୍ତ୍ତି ଅବସରରେ ଆଜି ମୁଖ୍ୟମନ୍ତ୍ରୀ ଭୁବନେଶ୍ୱର ପାଇଁ ୩ଟି ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପର ଶୁଭାରମ୍ଭ କରିଛନ୍ତି । ଭୁବନେଶ୍ୱରର ଭିଡ଼ ନିୟନ୍ତ୍ରଣ ଓ ଗମନାଗମନର ବିକାଶ ପାଇଁ ୧୦୮.୨୪ କୋଟି ଟଙ୍କା ବ୍ୟୟରେ ନିର୍ମିତ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ମାଥ୍‌ମାଟିକ୍ସରୁ ଇନ୍‌ଫୋସିଟି ଦେଇ ଏକାମ୍ର କାନନ ପର୍ଯ୍ୟନ୍ତ ୧୩ କିଲୋମିଟରରୁ ଅଧିକ ଦୈର୍ଘ୍ୟ ବିଶିଷ୍ଟ ୬ ଲେନ୍ ରାସ୍ତାର ଉଦ୍‌ଘାଟନ କରିଛନ୍ତି । ଏଥି ସହିତ ୯୪୯ କୋଟିରୁ ଅଧିକ ଟଙ୍କା ଅଟକଳରେ ଜୟଦେବ ବିହାର-ନନ୍ଦନକାନନ ରାସ୍ତାର ଉନ୍ନତିକରଣ ଓ ଫ୍ଲାଇଓଭର ନିର୍ମାଣ କାର୍ଯ୍ୟର ଶିଳାନ୍ୟାସ କରାଯାଇଛି । ଏହି ରାସ୍ତା ୮ ଲେନ୍ ବିଶିଷ୍ଟ କରାଯିବ ।

ଜନପଥରେ ଜନାଶ୍ରୟ ଭବନର ଶିଳାନ୍ୟାସ

ଭୁବନେଶ୍ୱରକୁ ରାଜ୍ୟର ବିଭିନ୍ନ ସ୍ଥାନରୁ ଆସୁଥିବା ଲୋକଙ୍କ ନିରାପଦ ରହଣୀ ପାଇଁ ଜନପଥ ଠାରେ ଏକ ୨୦ ମହଲା ବିଶିଷ୍ଟ ଜନାଶ୍ରୟ ଭବନ ନିର୍ମାଣ ପାଇଁ ମୁଖ୍ୟମନ୍ତ୍ରୀ ଭିତ୍ତିପ୍ରସ୍ତର ରଖିଛନ୍ତି । ୮୭୪ କୋଟି ଟଙ୍କା ଖର୍ଚ୍ଚରେ ନିର୍ମିତ ହେବାକୁ ଥିବା ଏହି ଭବନରେ ୨୦୦୦ ଲୋକଙ୍କ ପାଇଁ ସମସ୍ତ ସୁବିଧା ସହ ସ୍ୱଳ୍ପ ମୂଲ୍ୟରେ ସ୍ୱଳ୍ପକାଳୀନ ରହଣୀ ବ୍ୟବସ୍ଥା କରାଯିବ ।

ଅଙ୍ଗନବାଡ଼ୀ କର୍ମୀଙ୍କୁ ସ୍ମାର୍ଟ ଫୋନ, ସୁଭଦ୍ରାଶକ୍ତି ସମ୍ବାଦ କାର୍ଯ୍ୟକ୍ରମର ଶୁଭାରମ୍ଭ

ଏଥି ସହିତ ମୁଖ୍ୟମନ୍ତ୍ରୀ ରାଜ୍ୟର ସମସ୍ତ ଅଙ୍ଗନବାଡ଼ୀ କର୍ମୀ, ସୁପରଭାଇଜର ଏବଂ ବ୍ଲକ୍ ସଂଯୋଜକମାନଙ୍କ ପାଇଁ ସ୍ମାର୍ଟ ଫୋନ ପ୍ରଦାନର ଶୁଭାରମ୍ଭ କରିଥିଲେ । ରାଜ୍ୟର ୭୨,୨୨୪ ଅଙ୍ଗନବାଡ଼ୀ କର୍ମୀ, ୨୮୦୨ ଲେଡି ସୁପରଭାଇଜର ଓ ୩୩୮

ବ୍ଲକ୍ ସଂଯୋଜକଙ୍କୁ ଏହି ଫୋନ ପ୍ରଦାନ କରାଯିବ । ଏଥିସହିତ ମୁଖ୍ୟମନ୍ତ୍ରୀ ସୁଭଦ୍ରା ଶକ୍ତି ସମ୍ବାଦ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ ।



କାର୍ଯ୍ୟକ୍ରମ ଅବସରରେ ମୁଖ୍ୟମନ୍ତ୍ରୀ ରାଜ୍ୟ ସରକାରଙ୍କ ଦୁଇ ବର୍ଷର ସଫଳତା ଓ ଉପଲବ୍ଧି ଶୀର୍ଷକ ଏକ ପ୍ରଦର୍ଶନୀ ଉଦ୍‌ଘାଟନ କରିବା ସହିତ ବୁଲି ଦେଖିଥିଲେ ।

କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପ୍ରଭାତୀ ପରିଡ଼ା କହିଥିଲେ ଯେ, ଗ୍ରାମୀଣ ମହିଳାଙ୍କୁ ସଶକ୍ତ କରିବା ଓ ସେମାନଙ୍କୁ ନେତୃତ୍ୱ ନେବାରେ ସକ୍ଷମ କରିବା ଲକ୍ଷ୍ୟରେ ଆମ ସରକାର ପ୍ରତିବଦ୍ଧତାର ସହ କାମ କରୁଛି । ସମସ୍ତଙ୍କୁ ରଜ'ର ଅଗ୍ରୀମ ଶୁଭେଚ୍ଛା ଜଣାଇ ସେ କହିଥିଲେ ଯେ, ପୂର୍ବରୁ ସୁଭଦ୍ରା ଦିଆଯାଇଥିଲା, ଆଜି ଅନ୍ନପୂର୍ଣ୍ଣା । ଯେଉଁ ଘରେ ମା ସୁଭଦ୍ରା ଓ ମା ଅନ୍ନପୂର୍ଣ୍ଣା ରହିବେ ସେ ଘରର ସମୃଦ୍ଧି ଓ ଉନ୍ନତି ନିଶ୍ଚୟ ହେବ ।

ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ ଶ୍ରୀ କୃଷ୍ଣଚନ୍ଦ୍ର ପାତ୍ର କହିଥିଲେ ଯେ, ଆମ ସରକାର ହେଉଛି ଅନ୍ତ୍ୟୋଦୟର ସରକାର । ସମାଜର ଶେଷ ଧାଡ଼ିରେ ରହିଥିବା ବ୍ୟକ୍ତି ପର୍ଯ୍ୟନ୍ତ ସମସ୍ତ ସୁବିଧା ଓ ବିକାଶ ପହଞ୍ଚାଇବା ପାଇଁ ଆମେ ପ୍ରତିବଦ୍ଧତାର ସହ କାମ କରୁଛୁ । ଏକ ଭୋକମୁକ୍ତ ଓ ଭୟମୁକ୍ତ ସମାଜ ଗଠନ ପାଇଁ  ଆମେ ଉଦ୍ୟମ ଜାରି ରଖିଛୁ ।

ପୂର୍ତ୍ତ ଓ ଆଇନ ମନ୍ତ୍ରୀ ଶ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଥିଲେ ଯେ, ଗରିବ ପରିବାରର ଦୁଃଖ ବୁଝି ମୁଖ୍ୟମନ୍ତ୍ରୀ ଏହି ଜନକଲ୍ୟାଣକାରୀ ଅନ୍ନପୂର୍ଣ୍ଣା ଯୋଜନା ଓ ଜନାଶ୍ରୟ ଭବନର ପରିକଳ୍ପନା କରିଛନ୍ତି । ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଚରଣକୁ ଆଶ୍ରୀତ କରି ଏବଂ ଓଡ଼ିଶାବାସୀଙ୍କ ଆଶୀର୍ବାଦରୁ ଆମ ସରକାର ବିକାଶ ଓ ଜନସେବା କ୍ଷେତ୍ରରେ ଆହୁରି ଆଗକୁ ବଢ଼ିବ ବୋଲି ସେ କହିଥିଲେ ।

ଭୁବନେଶ୍ୱର ସାଂସଦ ଶ୍ରୀମତୀ ଅପରାଜିତା ଷଡ଼ଙ୍ଗୀ ଭୁବନେଶ୍ୱରରେ ଆଜି ଶୁଭାରମ୍ଭ ହୋଇଥିବା ପ୍ରକଳ୍ପ ଗୁଡ଼ିକ ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ଧନ୍ୟବାଦ ଜଣାଇଥିଲେ ।

ଦୁଇ ବର୍ଷ ପୂର୍ତ୍ତି ଅବସରରେ ବିଭିନ୍ନ ଜିଲ୍ଲାରେ ଆୟୋଜିତ କାର୍ଯ୍ୟକ୍ରମରେ ମନ୍ତ୍ରୀମାନେ ଉପସ୍ଥିତ ଥିଲେ ।

ଭୁବନେଶ୍ୱର କାର୍ଯ୍ୟକ୍ରମରେ ଏକାମ୍ର-ଭୁବନେଶ୍ୱର ବିଧାୟକ ଶ୍ରୀ ବାବୁ ସିଂହ ଉପସ୍ଥିତ ଥିଲେ ।

ପୂର୍ତ୍ତ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ସଞ୍ଜୟ କୁମାର ସିଂହ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ ।

ଲିପକ ହରିଚନ୍ଦନ
ଲୋକସମ୍ପର୍କ ଅଧିକାରୀ